ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

News ID-IPR/HFW(OD)/13/Dt.03.04.2021

# ସମ୍ବଲପୁର ହୋମିଓପାଥି କଲେଜ୍‌ରେ
# ଛାତ୍ରୀ ନିର୍ଯାତନା ନେଇ ସ୍ୱାସ୍ଥ୍ୟମନ୍ତ୍ରୀଙ୍କ ତଦନ୍ତ ନିର୍ଦ୍ଦେଶ

**ଭୁବନେଶ୍ୱର, ୦୩/୦୪/୨୦୨୧**

ସମ୍ବଲପୁରର ମଝିପାଲିସ୍ଥିତ ସରକାରୀ ହୋମିଓପାଥି କଲେଜ୍‌ରେ ଛାତ୍ରୀମାନଙ୍କୁ ର୍‍ୟାଗିଂ ନାମରେ ଯୌନ ନିର୍ଯାତନା ଘଟଣା ନେଇ ତଦନ୍ତ କରିବାକୁ ସ୍ୱାସ୍ଥ୍ୟ ଓ ପରିବାର କଲ୍ୟାଣ ବିଭାଗ ମନ୍ତ୍ରୀ ଶ୍ରୀ ନବକିଶୋର ଦାସ ନିର୍ଦ୍ଦେଶ ଦେଇଛନ୍ତି । ମନ୍ତ୍ରୀ ଶ୍ରୀ ଦାସ ସ୍ୱାସ୍ଥ୍ୟ ବିଭାଗର ଅତିରିକ୍ତ ମୁଖ୍ୟ ଶାସନ ସଚିବଙ୍କୁ ଚିଠି ଲେଖି ବିଭାଗର ଜଣେ ବରିଷ୍ଠ ଅଧିକାରୀଙ୍କ ଦ୍ୱାରା ଉପରୋକ୍ତ ଘଟଣାର ତଦନ୍ତ କରି ତିନିଦିନ ମଧ୍ୟରେ ରିପୋର୍ଟ ପ୍ରଦାନ କରିବା ସହ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ନିର୍ଦ୍ଦେଶ ଦେଇଛନ୍ତି ।

ସୂଚନାଯୋଗ୍ୟ ଯେ ଏକ ଦୈନିକ ଖବର କାଗଜରେ ସମ୍ବଲପୁରର ମଝିପାଲିସ୍ଥିତ ସରକାରୀ ହୋମିଓପାଥି କଲେଜ୍‌ରେ ୪ ଜଣ ଛାତ୍ରୀଙ୍କୁ ଯୌନ ନିର୍ଯାତନା ଦିଆଯାଇଥିବାର ସମ୍ବାଦ ପ୍ରକାଶ ପାଇଥିଲା ଓ ମନ୍ତ୍ରୀ ଶ୍ରୀ ଦାସ ଏହାକୁ ଦୃଷ୍ଟିରେ ରଖି ଉପରୋକ୍ତ ମର୍ମରେ ପଦକ୍ଷେପ ଗ୍ରହଣ କରିଛନ୍ତି ।

ବିଭୂତି ନାୟକ
ସୂଚନା ଅଧିକାରୀ